ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୪୫୮ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୩୪୬୦୯ରେ ପହଞ୍ଚିଲା - ସୁସ୍ଥ ହେଲେ ୧୦୧୨ ଜଣ ।

ଅନୁଗୋଳ, ତା.୦୧.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୪୫୮ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୦୫ଜଣ ( ୬୭ଜଣ ପୁରୁଷ ଓ ୩୮ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୯୯ ଜଣ ( ୫୭ଜଣ ପୁରୁଷ ଓ ୪୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୫୬ଜଣ ( ୩୧ଜଣ ପୁରୁଷ ଓ ୨୫ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୫୫ଜଣ ( ୨୮ଜଣ ପୁରୁଷ ଓ ୨୭ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୩୯ଜଣ ( ୨୧ଜଣ ପୁରୁଷ ଓ ୧୮ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୩୦ଜଣ ( ୧୯ଜଣ ପୁରୁଷ ଓ ୧୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୨୫ଜଣ ( ୧୭ଜଣ ପୁରୁଷ ଓ ୮ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୮ଜଣ ( ୧୦ଜଣ ପୁରୁଷ ଓ ୮ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୬ଜଣ (୯ ଜଣ ପୁରୁଷ ଓ ୭ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୨ଜଣ ( ୭ଜଣ ପୁରୁଷ ଓ ୫ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୩ଜଣ ( ୩ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୧୦୫ ଜଣଂକୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୦୧୨ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୧୪ଜଣ ମୃତ୍ୟୁବରଣ କଲେଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୪୧ ତା.୦୧.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ